## ଆଜି ଅନୁଗୋଳ ଜିଲ୍ଲାରୁ ୩୭୯ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୩୬୨୧୧ରେ ପହଞ୍ଚିଲା - ସୁସ୍ଥ ହେଲେ ୪୮୮ଜଣ ।

ଅନୁଗୋଳ, ତା.୦୫.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୩୭୯ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮୦ଜଣ ( ୪୭ଜଣ ପୁରୁଷ ଓ ୩୩ଜଣ ମହିଳା), ବଣ୍ଁରପାଳ ବ୍ଲକ୍ ଅଂଚଳରୁ ୭୪ଜଣ ( ୪୯ଜଣ ପୁରୁଷ ଓ ୨୫ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୬୭ଜଣ ( ୫୧ଜଣ ପୁରୁଷ ଓ ୧୬ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୪୩ଜଣ (୨୬ଜଣ ପୁରୁଷ ଓ ୧୭ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୩୯ଜଣ ( ୨୦ଜଣ ପୁରୁଷ ଓ ୧୯ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୬ଜଣ (୧୦ ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୪ଜଣ ( ୯ଜଣ ପୁରୁଷ ଓ ୫ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧୩ଜଣ ( ୭ଜଣ ପୁରୁଷ ଓ ୬ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୨ଜଣ (୭ ଜଣ ପୁରୁଷ ଓ ୫ଜଣ ମହିଳା),କିଶୋରନଗର ବ୍ଲକ୍ ଅଂଚଳରୁ ୧୧ଜଣ (୬ ଜଣ ପୁରୁଷ ଓ ୫ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୦ଜଣ ( ୯ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୧୨ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୮୮ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୨୭ଜଣ ମୃତ୍ୟୁବରଣ କଲେଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୪୯ ତା.୦୫.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ